# ମାର୍ଚ୍ଚ ମାସ ପାଇଁ ଜିଲ୍ଲାପାଳଙ୍କ ମିଳିତ ଜନଶୁଣାଣି କାର୍ଯ୍ୟକ୍ରମ ।

ଅନୁଗୋଳ ୨୮.୦୨ :- ଅନୁଗୋଳ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କର ମାର୍ଚ୍ଚ ମାସ ପାଇଁ ମିଳିତ ଜନ ଶୁଣାଣି କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏଥିରେ ଜିଲ୍ଲାପାଳ ଓ ଅନୁଗୋଳ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନାଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀମାନେ ଯୋଗ ଦେବେ । ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ମାର୍ଚ୍ଚ ମାସ ୨ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ମିଳିତ ଜନଶୁଣାଣି କାର୍ଯ୍ୟକ୍ରମ ଜିଲ୍ଲା କାର୍ଯ୍ୟାଳୟଠାରେ ଅନୁଷ୍ଠିତ ହେଉଥିବାବେଳେ ୧୬ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ତାଳଚେର ବ୍ଲକ କାର୍ଯ୍ୟାଳୟ, ୨୩ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ଆଠମଲ୍ଲିକ ବ୍ଲକ କାର୍ଯ୍ୟାଳୟ ଏବଂ ୩୦ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ କଣିହାଁ ବ୍ଲକ କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହେବ । ସେହିପରି ୨୩ ତାରିଖ (ସୋମବାର) ଅପରାହ୍ନ ୩ଘଟିକା ସମୟରେ ଆଠମଲ୍ଲିକ ବ୍ଲକ ଅନ୍ତର୍ଗତ ଟାପଢୋଲ ଗ୍ରାମ ପଞ୍ଚାୟତ ଠାରେ କୃଷି ସମାଧାନ ଶିବିର ଅନୁଷ୍ଠିତ ହେବ ବୋଲି କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏହି ସମସ୍ତ କାର୍ଯ୍ୟକ୍ରମରେ ସମ୍ପୃକ୍ତ ଅଞ୍ଚଳର ଜନସାଧାରଣ ଯୋଗ ଦେଇ ନିଜ ନିଜର ଆପତ୍ତି ଅଭିଯୋଗ ଉପସ୍ଥାପନ କରିବାକୁ ଜିଲ୍ଲା ପ୍ରଶାସନ ତରଫରୁ ଜଣାଇ ଦିଆଯାଇଛି ।